# ୧୨.୦୬.୨୦୨୬ ରେ ଅନୁଷ୍ଠିତ କ୍ୟାବିନେଟ୍ ବୈଠକ ସମ୍ପର୍କରେ ପ୍ରେସ୍ ବିବୃତ୍ତି

## ନୂତନ ସରକାରଙ୍କ କ୍ୟାବିନେଟ ଆରମ୍ଭ ଠାରୁ ମୋଟ ୩୦୧ ଟି ନିଷ୍ପତ୍ତି ପୂର୍ବକ ମାଇଲ ଖୁଣ୍ଟ ସ୍ଥାପିତ

ଭୁବନେଶ୍ୱର, ତା-୧୨/୦୬/୨୦୨୬

ଆଜି ରାଜ୍ୟ ମନ୍ତ୍ରୀମଣ୍ଡଳ (କ୍ୟାବିନେଟ)ର ୪୨ ତମ  ବୈଠକ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଲୋକସେବା ଭବନସ୍ଥିତ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ   ହୋଇଯାଇଛି  ।  ବୈଠକ ପରେ ମୁଖ୍ୟ ଶାସନ ସଚିବ ଶ୍ରମତୀ ଅନୁ ଗର୍ଗ,  କ୍ୟାବିନେଟ ବୈଠକରେ ନିଆଯାଇଥିବା ନିଷ୍ପତ୍ତି ସମ୍ପର୍କରେ ଗଣମାଧ୍ୟମକୁ ସୂଚନା ଦେଇଥିଲେ । ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଅତିରିକ୍ତ ମୁଖ୍ୟ ଶାସନ ସଚିବ ଡଃ ଅରବିନ୍ଦ କୁମାର ପାଢ଼ୀ ଉପସ୍ଥିତ ଥିଲେ ।




ବୈଠକରେ ୬ ଟି ବିଭାଗର ୮ ଟି ପ୍ରସ୍ତାବ ଆଲୋଚନା ପୂର୍ବକ ଅନୁମୋଦନ କରାଯାଇଛି ।

ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗର ୨ଟି, ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ୧ଟି, ପଂଚାୟତ ଓ ପାନୀୟ ଜଳ ବିଭାଗ ର ୧ଟି, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗର ୨ଟି, ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ର ୧ଟି, ବିଧି ( ଆଇନ ) ବିଭାଗ ର ୧ଟି ଏହିପରି  ୬ଟି ବିଭାଗ ର ମୋଟ ୮ଟି ପ୍ରସ୍ତାବ ଆଜି କ୍ୟାବିନେଟ ବୈଠକରେ ଆଲୋଚନା ପୂର୍ବକ ଅନୁମୋଦନ କରାଯାଇଛି ।

ପଠାଣି ରାଉତ
ମୁଖ୍ୟ ଶାସନ ସଚିବଙ୍କ ଲୋକ ସମ୍ପର୍କ ଅଧିକାରୀ